# ଜିଲ୍ଲା ସ୍ତରୀୟ ମିଳିତ ଜନଶୁଣାଣି ଶିବିର ଅନୁଷ୍ଠିତ

District level joint hearing of public Grievance.

## ୫ ଜଣଙ୍କୁ ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୧୧ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ ୧୩.୧ :- ଜିଲ୍ଲାପାଳଂକର ପରିବର୍ତ୍ତୀତ କାର୍ଯ୍ୟକ୍ରମ ଅନୁଯାୟୀ ଜିଲ୍ଲା ସ୍ତରୀୟ ଜନଶୁଣାଣି ଶିବିର ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟର କୋର୍ଟ ରୁମ୍ ଠାରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୯୬ଟି ଅଭିଯୋଗରୁ ୭୭ଟି ବ୍ୟକ୍ତିଗତ, ୧୪ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ଓ ୫ଟି ରେଡକ୍ରସ ସହାୟତା ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୫ଜଣଙ୍କୁ ୧୧,୦୦୦ ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା,ଇନ୍ଦିରା ଆବାସ,ବିଜୁ ପକ୍କାଘର, ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା,ରାସ୍ତା ନିର୍ମାଣ ,ଶିକ୍ଷା, ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭାଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ.ଅମରେନ୍ଦ୍ର ନାଥ ମହାନ୍ତି,ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦୀପ ଓ ସରିତା ପ୍ରଧାନ , ଆସିଷ୍ଟାଣ୍ଟ କଲେକ୍ଟର ମଧୁସ୍ମିତା ବିଶି ଓ ଈଶାନୀ ପଣ୍ଡାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ମାନେ ଯୋଗ ଦେଇଥିଲେ ।


Shot on realme 1

